# ଗ୍ରାମୀଣ କୃଷି ମୌସମ ସେବା

## ଭାରତୀୟ ପାଣିପାଗ ବିଭାଗ

### ଓଡିଶା କୃଷି ଓ ବୈଷୟିକ ବିଶ୍ୱବିଦ୍ୟାଳୟ, ଭୁବନେଶ୍ୱର – ୭୫୧୦୦୩

Dr. T. R. Mohanty
Nodal Officer

**ସପ୍ତାହ – ୦୨**

ନ.- ୨୬ (ଓଡିଆ ବୁଲେଟିନ)
ତାରିଖ- ୦୯ . ୦୧ . ୨୦୨୫

(ସୌଜନ୍ୟ – ଓୟୁଏଟି ସ୍ଥିତ କୃଷି ପାଣିପାଗ ଉପବିଭାଗ ଓ ଓଡ଼ିଶା ସରକାରଙ୍କ କୃଷି ନିର୍ଦ୍ଦେଶାଳୟ, ପ୍ରାଣୀପାଳନ ଓ ପ୍ରାଣୀ ଚିକିତ୍ସା ନିର୍ଦ୍ଦେଶାଳୟ ଓ ମତ୍ସ୍ୟ ନିର୍ଦ୍ଦେଶାଳୟ)

## କେନ୍ଦ୍ରାପଡ଼ା ଜିଲ୍ଲା (ପୂର୍ବ ଓ ଦକ୍ଷିଣ ପୂର୍ବ ଉପକୂଳବର୍ତୀ ସମତଳ ଅଞ୍ଚଳ)

| ଗତ ସପ୍ତାହର ପାଣିପାଗ ସମ୍ବନ୍ଧୀୟ ସୂଚନା (୦୩ .୦୧ .୨୦୨୬ ରୁ ୦୯ . ୦୧ .୨୦୨୬) | | |
|---|---|---|
| ସର୍ବାଧିକ ତାପମାତ୍ରା (ଡିଗ୍ରୀ ସେଲସିୟସ) | ସର୍ବନିମ୍ନ ତାପମାତ୍ରା (ଡିଗ୍ରୀ ସେଲସିୟସ) | ବୃଷ୍ଟିପାତ (ମି. ମି.) |
| 25.4 | 11.7 | Nil |

## ଭାରତୀୟ ପାଣିପାଗ ବିଭାଗ ଅନୁଯାୟୀ ଆଗାମୀ ୧୦ .୦୧ . ୨୦୨୬ ରୁ ୧୪ .୦୧ .୨୦୨୬ ତାରିଖ ପର୍ଯ୍ୟନ୍ତ ପାଣିପାଗ ସୂଚନା

| ପାଣିପାଗ କାରକ | ପ୍ରଥମ ଦିନ | ଦ୍ବିତୀୟ ଦିନ | ତୃତୀୟ ଦିନ | ଚତୁର୍ଥ ଦିନ | ପଞ୍ଚମ ଦିନ |
|---|---|---|---|---|---|
| ବୃଷ୍ଟିପାତ & ଆକାଶର ସ୍ଥିତି | ପାଗ ଶୁଖିଲା ଓ ଆକାଶ ମୁଖ୍ୟତଃ ପରିଷ୍କାର | ପାଗ ଶୁଖିଲା ଓ ଆକାଶ ମୁଖ୍ୟତଃ ପରିଷ୍କାର | ପାଗ ଶୁଖିଲା ଓ ଆକାଶ ପରିଷ୍କାର | ପାଗ ଶୁଖିଲା ଓ ଆକାଶ ପରିଷ୍କାର | ପାଗ ଶୁଖିଲା ଓ ଆକାଶ ମୁଖ୍ୟତଃ ପରିଷ୍କାର |
| ସର୍ବାଧିକ ତାପମାତ୍ରା (°C) | 26 | 26 | 26 | 26 | 26 |
| ସର୍ବନିମ୍ନ ତାପମାତ୍ରା (°C) | 11 | 12 | 12 | 12 | 12 |
| ସର୍ବାଧିକ ଆପେକ୍ଷିକ ଆର୍ଦ୍ରତା (%) | 54 | 63 | 71 | 69 | 75 |
| ସର୍ବନିମ୍ନ ଆପେକ୍ଷିକ ଆର୍ଦ୍ରତା (%) | 26 | 28 | 31 | 33 | 33 |
| ପବନର ବେଗ (କି.ମି./ଘ.) | 12 | 12 | 11 | 11 | 7 |
| ପବନର ଦିଗ | 13 | 353 | 2 | 90 | 90 |

ଭାରତୀୟ ପାଣିପାଗ କେନ୍ଦ୍ରର ପୂର୍ବାନୁମାନ ଅନୁଯାୟୀ, ଆଗାମୀ ପାଞ୍ଚ ଦିନ ପର୍ଯ୍ୟନ୍ତ କେନ୍ଦ୍ରାପଡା ଜିଲ୍ଲାରେ ପାଗ ଶୁଖିଲା ରହିବାର ସମ୍ଭାବନା ରହିଅଛି । ଆଗାମୀ ୫ ଦିନ ପର୍ଯ୍ୟନ୍ତ ଆକାଶ ପରିଷ୍କାର ରୁ ମୁଖ୍ୟତଃ ପରିଷ୍କାର ରହିବାର ସମ୍ଭାବନା ଥିବାବେଳେ ପବନର ବେଗ ହାରାହାରି ୦୭ ରୁ ୧୨ କି.ମି. ପ୍ରତି ଘଣ୍ଟା ପର୍ଯ୍ୟନ୍ତ ରହିବାର ସୂଚନା ରହିଛି । ସେହିପରି ଆଗାମୀ ୫ ଦିନ ପର୍ଯ୍ୟନ୍ତ ଦିନର ସର୍ବୋଚ୍ଚ ଓ ସର୍ବନିମ୍ନ ତାପମାତ୍ରା ଯଥାକ୍ରମେ ୨୬ ଡିଗ୍ରୀ ସେଲସିଅସ ଓ ୧୧ - ୧୨ ଡିଗ୍ରୀ ସେଲସିଅସ ମଧ୍ୟରେ ରହିବାର ସମ୍ଭାବନା ରହିଅଛି ।

## ବିଶେଷ କୃଷି ସୂଚନା

- ❖ ପାଣିପାଗ ବିଭାଗ, ଭୁବନେଶ୍ୱରର ପୂର୍ବାନୁମାନ ଅନୁସାରେ, ଆଗାମୀ ପାଞ୍ଚ ଦିନ ପର୍ଯ୍ୟନ୍ତ କେନ୍ଦ୍ରାପଡା ଜିଲ୍ଲାରେ ପାଗ ଶୁଖିଲା ରହିବାର ସମ୍ଭାବନା ରହିଅଛି ।
- ❖ ଧାନ ତଳି ଭଲ ବଢିବା ଏବଂ ଚେର ମାଟି କୁ ଧରିବା ପାଇଁ ଜମିରେ ପତଳା ପାଣି ସ୍ତର ରଖନ୍ତୁ ।
- ❖ ପନିପରିବା ତଳି ଘେରା କୁ ନଡା ଦ୍ୱାରା  ଆଚ୍ଛାଦିକରଣ କରନ୍ତୁ ।
- ❖ ଧାନ ତଳି ଉପାଡିବା ୨ ରୁ ୩ ଦିନ ପୂର୍ବ ରୁ ୨-୩ ସେମି ଠିଆ ପାଣି ରଖନ୍ତୁ ।
- ❖ କମ ତାପମାତ୍ରା ଯୋଗୁଁ ରବି ଫସଲରେ ଶୋଷକ କୀଟ, ପତ୍ରପୋଡା ଓ ପାଉଁଶିଆ ରୋଗ ଲାଗିବାର ସମ୍ଭାବନା ରହିଛି । ତେଣୁ ନିୟମିତ ଫସଲରେ ପୋକ ଏବଂ ରୋଗର ସର୍ବେକ୍ଷଣ କରନ୍ତୁ ଏବଂ ସେହି ଅନୁଯାୟୀ ଉପଯୁକ୍ତ ସୁରକ୍ଷା ପଦକ୍ଷେପ ନିଅନ୍ତୁ ।
- ❖ କୁହୁଡି, କମ ତାପମାତ୍ରା ଓ ଆଦ୍ରତା ଚାପରୁ କ୍ଷତି ନ ହେବା ପାଇଁ, ଛିଡା ହୋଇଥିବା ଫସଲ ଓ ପନିପରିବା ରେ ହାଲୁକା ଜଳସେଚନ କରନ୍ତୁ ।
- ❖ ବର୍ତମାନ ସମୟରେ ତାପମାତ୍ରା କମ ରହୁଥିବାରୁ, ପନିପରିବା ମଞ୍ଜି ଶୀଘ୍ର ଗଜା ହେବା ପାଇଁ, ତଳିଘେରାରେ ପୋଲିଥିନ ଦ୍ୱାରା ଆଚ୍ଛାଦିକାରଣର ବ୍ୟବସ୍ଥା କରନ୍ତୁ ।

| ଫସଲ | ଅବସ୍ଥା | କୃଷି ପରାମର୍ଶ |
|---|---|---|
| ଡାଲୁଅ ଧାନ | ତଳି ଘେରା ଅବସ୍ଥା | ❖ ଧାନ ତଳି ଓପାଡିବା ୭ ଦିନ ପୂର୍ବରୁ ପ୍ରତି ୧୦ ଡେସିମିଲ ତଳିଘେରାରେ ୮୦୦ଗ୍ରାମ Cartap Hydrochloride 4G ଦାନାଦାର କୀଟନାଶକ କିମ୍ବା ୪୦୦ଗ୍ରାମ Chlorantraniliprole ଦାନାଦାର କୀଟନାଶକ, ପ୍ରୟୋଗକରନ୍ତୁ । ଦାନାଦାର କୀଟନାଶକପ୍ରୟୋଗ କରିବା ଦ୍ୱାରା ଧାନ ରୋଇବାର ୩ ସପ୍ତାହ ପର୍ଯ୍ୟନ୍ତ, କାଣ୍ଡବିନ୍ଧା, ଚେରଗଣ୍ଠିସୂତ୍ରକୃମି, ବଙ୍ଗୀ ଓ ପତ୍ରମୋଡା ତଥା ନଳୀ ପୋକ ଆକ୍ରମଣରୁ ଫସଲକୁ ରକ୍ଷା କରାଯାଇ ପାରିବ । |
| ମୁଗ ଓ ବିରି | ଅଙ୍ଗୀୟ ବୃଦ୍ଧି ଅବସ୍ଥା | ❖ ସାହେବୀ ରୋଗ<br>ବର୍ତମାନ ସମୟରେ ମୁଗ ଓ ବିରି ଫସଲ ରେ ସାହେବୀ ରୋଗ ଲାଗିବାର ସମ୍ଭାବନା ଅଛି । ଧଳା ମାଛି, ସାହେବୀ ରୋଗ ର ବାହକ ଅଟେ । ଧଳା ମାଛି ର ନିୟନ୍ତ୍ରଣ ପାଇଁ ଏକର ପ୍ରତି triazophos @ ୪୦୦ ମିଲି କିମ୍ବା Acetamipride @ ୪୦ ଗ୍ରାମ, ୨୦୦ ଲିଟର ପାଣି ରେ ମିଶାଇ ସିଂଚନ କରନ୍ତୁ । |
| ଚିନାବାଦାମ | ଅଙ୍ଗୀୟ ବୃଦ୍ଧି ଅବସ୍ଥା | ❖ ଜଉ ପୋକ ଓ ପତ୍ର ଉକୁଣି ପୋକ-<br>ଚିନାବାଦାମ ଫସଲରେ ପ୍ରାଥମିକ ଅବସ୍ଥାରେ ଜଉ ପୋକ ଓ ପତ୍ର ଉକୁଣି ପୋକ ର ଆକ୍ରମଣ କମ ଦେଖା ଦେଉଥିଲେ ଏକର ପ୍ରତି ୧ ଲିଟର ନିମ୍ବ ଆଧାରିତ କୀଟନାଶକ ୩୦୦ PPM କୁ ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ । ପୋକ ଆକ୍ରମଣ ଅଧିକ ଦେଖା ଦେଲେ ରାସାୟନିକ ଉପାୟରେ ପରିଚାଳନା ପାଇଁ ଏକର ପ୍ରତି ୪୦ ଗ୍ରାମ Thiamethoxam ନାମକ କୀଟନାଶକ କିମ୍ବା ୫୦ମିଲି Imidacloprid ନାମକ ୨୦୦ ଲିଟର ପାଣି ରେ ମିଶାଇ ସିଂଚନ କରନ୍ତୁ । |
| ସୋରିଷ | ଫୁଲ ଧରିବା ଅବସ୍ଥା | ❖ ପତ୍ରଛନ୍ଦା ପୋକ ଓ କରତିଆ ମାଛି  ପରିଚାଳନା<br>ସୋରିଷ ଫସଲ ରେ ପତ୍ରଛନ୍ଦା ପୋକ ଓ କରତିଆ ମାଛି ର ପରିଚାଳନା ପାଇଁ ଏକର ପ୍ରତି ୨୦୦ ମିଲି Ethofenprox ନାମକ କୀଟନାଶକ କିମ୍ବା ୪୦୦ ମିଲି Chloropyriphos ଏବଂ Cypermethrine ର ମିଳିତ କୀଟନାଶକ, 200 ଲିଟର ପାଣି ରେ ମିଶାଇ ସିଞ୍ଚନ କରନ୍ତୁ। ମହୁମାଛି ର ଚଳପ୍ରଚଳ ରେ ବାଧା ନ ଦେବା ପାଇଁ ଅପରାହ୍ନ ସମୟରେ କିଟନାଶକ କୁ ପ୍ରୟୋଗ କରନ୍ତୁ । |
| ଆଖୁ | ଲଗାଇବା ଅବସ୍ଥା | ❖ ନାଲିସଢା ରୋଗ ନହେବା ପାଇଁ CO-7219, CO-8371, CO-8013, CO-8014, CO-6907, CO-7601 ଓ CO- 7602 କିସମ ଚୟନ କରନ୍ତୁ । ଆଖୁ ବିହନ ଲଗାଇବା ପୂର୍ବରୁ ବିହନବିଶୋଧନ କରିବା ନିହାତି ଜରୁରୀ । ବିହନ ବିଶୋଧନ କରିବା ପାଇଁ ପ୍ରଥମେ ୧୦୦-ଲିଟର ପାଣିରେ ୧୫୦-ଗ୍ରାମCarbendazim, ୨୦୦-ମିଲି Chlorpyriphosଓ ୧କିଲୋଗ୍ରାମ ୟୁରିଆ ସାର ମିଶାଇ ଏକ ଦ୍ରବଣ ପ୍ରସ୍ତୁତ କରନ୍ତୁ ।ଏହି ଦ୍ରବଣରେ ଆଖୁଖଣ୍ଡ ଗୁଡିକୁ ୩୦ମିନିଟ ବୁଡାଇ ମୁଖ୍ୟ ଜମିରେ ଲଗାନ୍ତୁ । Chlorpyriphosକୀଟନାଶକକୁ ମାଟିରେପ୍ରୟୋଗ କରୁଥିଲେ ଏହି ଦ୍ରବଣ ରେ ମିଶାନ୍ତୁ ନାହିଁ । |

| | | |
|---|---|---|
| ଲଙ୍କାମରିଚ | ଅଙ୍ଗୀୟ ଅଭିବୃଦ୍ଧି – ଫଳ ଧରିବା ଅବସ୍ଥା | ❖ ଅଷ୍ଟପଦୀ ପୋକ ର ପରିଚାଳନା<br>ଲଙ୍କାମରିଚ ଫସଲରେ ଅଷ୍ଟପଦୀ ର ପରିଚାଳନା ପାଇଁ ଏକର ପ୍ରତି ୬୦୦-ମିଲି Ethion ନାମକ କୀଟନାଶକ କିମ୍ବା ୨୦୦-ମିଲି Spiromesifen ନାମକ କୀଟନାଶକ କିମ୍ବା ୬୦୦-ମିଲି Propargite ନାମକ କୀଟନାଶକ, ୨୦୦-ଲିଟର ପାଣି ରେ ମିଶାଇ ସିଂଚନ କରନ୍ତୁ । |
| ବନ୍ଧାକୋବି ଓ ଫୁଲକୋବି | ଅଙ୍ଗୀୟ ବୃଦ୍ଧି ଅବସ୍ଥା | ❖ କୋବି ଜାତୀୟ ପନିପରିବା ଫସଲରେ ଅଲ୍ଟରନାରିଆ ପତ୍ରଦାଗ ରୋଗର ପରିଚାଳନା ପାଇଁ ଏକର ପ୍ରତି ୬୦୦ ଗ୍ରାମ Mancozeb କିମ୍ବା ୪୦୦ ଗ୍ରାମ Carbendazim ଓ Mancozeb ର ମିଳିତ ଫିମ୍ପିନାଶକକୁ ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ । |
| ଟମାଟୋ | ଅଙ୍ଗୀୟ ଅଭିବୃଦ୍ଧି – ଫଳ ଧରିବା ଅବସ୍ଥା | ❖ ବର୍ତ୍ତମାନ ସମୟରେ କୁହୁଡିଆ ପାଗ ଯୋଗୁଁ ଟମାଟୋ ରେ ଜଉ ପୋକ ଲାଗିବାର ସମ୍ଭାବନା ଅଛି । ଏହାର ନିୟନ୍ତ୍ରଣ ପାଇଁ ନିମ୍ବ ଆଧାରିତ ତେଲ @ ୬୦୦ ପିପିଏମ କିମ୍ବା **Flonicam** @ ୬୦ ଗ୍ରାମ ଏକର ପ୍ରତି ୨୦୦ ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ । |
| ଆଳୁ | ଅଙ୍ଗୀୟ ବୃଦ୍ଧି ଅବସ୍ଥା | ❖ ଜଉ ପୋକ ଓ ସବୁଜ ପତ୍ର ଡିଆଁ ପୋକ ପରିଚାଳନା-<br>ପ୍ରାଥମିକ ଅବସ୍ଥାରେ ଏହି ପୋକର ପରିଚାଳନା ପାଇଁ ଏକର ପ୍ରତି ୬୦୦ ମିଲି ନିମ୍ବ ଆଧାରିତ କୀଟନାଶକ ୧୫୦୦ ପିପିଏମ Azadirachtin କୁ ୨୦୦ ଲିଟର ପାଣି ରେ ମିଶାଇ ସିଂଚନ କରନ୍ତୁ। ରାସାୟନିକ ଉପାୟରେ ଏହି ପୋକ ଗୁଡିକ ର ପରିଚାଳନା ପାଇଁ ଏକର ପ୍ରତି ୪୦ ଗ୍ରାମ Thiamethoxam ନାମକ କୀଟନାଶକ କିମ୍ବା ୮୦ଗ୍ରାମ Dinotefuran ନାମକ କୀଟନାଶକ କିମ୍ବା ୬୦ଗ୍ରାମ Flonicamidନାମକ କୀଟନାଶକ, ୨୦୦ ଲିଟର ପାଣି ରେ ମିଶାଇ ସିଂଚନ କରନ୍ତୁ। |
| ଗୋଲାପ | ଅଙ୍ଗୀୟ ଅବସ୍ଥା - ଫୁଲ ଫୁଟିବା ଅବସ୍ଥା | ❖ ଗୋଲାପ ଗଛ ରେ ଉକୁଣିଆ ପୋକ ଆକ୍ରମଣ ଦେଖାଦେଲେ ପ୍ରତି ଲିଟର ପାଣିରେ **Fenpyroximate ୫% EC** @ ୨ ମିଲି କିମ୍ବା **Abamactin** @୧ ମିଲି ମିଶାଇ ସିଞ୍ଚନ କରନ୍ତୁ । |
| ପଶୁସମ୍ପଦ | ❖ ବର୍ତ୍ତମାନ ଗାଈ ଗୋରୁଙ୍କ ଠାରେ ଚର୍ମବିଣ୍ଡି ରୋଗ ବ୍ୟାପୁଛି । ଏହି ରୋଗ ର ଲକ୍ଷଣରେ ଦେହରେ ଆବୁ ଫଳି ଯିବା ସହ ଜ୍ବର ଆସିଥାଏ ଓ ଦୁଗ୍ଧ ଉତ୍ପାଦନ କମିଯାଇଥାଏ । ଏହି ରୋଗ ମୁଖ୍ୟତଃ ମଶା, ମାଛି ଓ ଡାଆସ ଦ୍ୱାରା ବ୍ୟାପିଥାଏ । ତେଣୁ ଗୁହାଳ ପରିସରକୁ ସଫା ରଖନ୍ତୁ। ଲକ୍ଷଣ ଦେଖାଦେଲେ ତୁରନ୍ତ ପ୍ରାଣୀ ଚିକିତ୍ସକ ଙ୍କ ସହ ଯୋଗାଯୋଗ କରନ୍ତୁ । | |
| କୁକୁଡା | ❖ ଶୀତଦିନେ କୁକୁଡ଼ା ଘରକୁ ଥଣ୍ଡା ପବନରୁ ରକ୍ଷା କରିବା ପାଇଁ ଖୋଟ ଅଖା ବ୍ୟାଗ ବ୍ୟବହାର କରି ଇନସୁଲେଟ୍ କରନ୍ତୁ ଏବଂ ସେହି ସମୟରେ ଆମୋନିୟା ରୋଗ ସୃଷ୍ଟି ନହେବା ପାଇଁ ବାୟୁ ଚଳାଚଳ ହେବା ପାଇଁ ଯତ୍ନ ନିଅନ୍ତୁ। ତାପମାତ୍ରା ନିୟନ୍ତ୍ରଣ ପାଇଁ କୁକୁଡା ଗୃହ ରେ ୨୦୦ ୱାଟର ବଲବ ଲଗାନ୍ତୁ ।<br>❖ ଅଣ୍ଡା ଦିଆ କୁକୁଡାକୁ ମିନେରାଲ୍ ଏବଂ କ୍ୟାଲସିୟମ୍ ଯୁକ୍ତ ଖାଦ୍ୟ ସମ୍ପୂର୍ଣ୍ଣ ଖାଦ୍ୟର @ ୩ .୨୫ % ଖାଇବାକୁ ଦିଅନ୍ତୁ । | |

ତୁଷାର ରଞ୍ଜନ ମହାନ୍ତି
ନୋଡାଲ୍ ଅଫିସର,
ଗ୍ରାମୀଣ କୃଷି ମୌସମ ସେବା, ଓ.ୟୁ.ଏ.ଟି

ଅଧକ୍ଷ, ଗବେଷଣା ନିର୍ଦ୍ଦେଶାଳୟ,
ଓଡ଼ିଶା କୃଷି ଓ ବୈଷୟିକ ବିଶ୍ୱବିଦ୍ୟାଳୟ

ଚାଷରେ ଅଧିକ ଲାଭବାନ ହେବା ପାଇଁ ଓୟୁଏଟି କଳିଙ୍ଗ ଉତ୍ପାଦ (ଚାରା,QPM, ଟିସୁ କଲଚର ଗଛ, ଫଳ ଓ ପନିପରିବା, ଯାଆଁଳ,କୁକୁଡା ଚିଆଁ, ଛତୁ, ଛତୁ ମଞ୍ଜି, ଜୈବିକ ସାର, ଜୈବିକ କୀଟନାଶକ, ଜିଆ ଖତ, କୃଷି ଯନ୍ତ୍ରପାତି ଇତ୍ୟାଦି ) ବ୍ୟବହାର କରନ୍ତୁ ।

ଭାରତୀୟ ପାଣିପାଗ ବିଭାଗର ପୂର୍ବାନୁମାନ ଓ ପାଣିପାଗ ଭିତିକ କୃଷି ସୂଚନା ନିମନ୍ତେ ଅଧିକ ବିବରଣୀ ପାଇଁ MEGHDOOT ମୋବାଇଲ

ଆପ ବ୍ୟବହାର କରନ୍ତୁ ।

(Android: https://play.google.com/store/apps/details?id=com.aas.meghdoot)

(iOS: https://apps.apple.com/in/app/meghdoot/id1474048155)